# REGIONAL NEWS UNIT, AIR CUTTACK

## Mid-day Bulletin (2.32PM)

### 10 February – 2026

*******************************

## ମୁଖ୍ୟ ସମ୍ବାଦ

- ରାଜ୍ୟରେ ଜରୁରୀକାଳିନ ଚିକିତ୍ସା ସେବାକୁ ଅଧିକ ସୁଦୃଢ଼ କରିବା ପାଇଁ ଦ୍ୱିତୀୟ ପର୍ଯ୍ୟାୟରେ ୨୫୦ଟି ନୂତନ ୧୦୮ ଆମ୍ବୁଲାନ୍ସ ସେବାର ଶୁଭାରମ୍ଭ କଲେ ମୁଖ୍ୟମନ୍ତ୍ରୀ
- ମାଟ୍ରିକ୍ ପରୀକ୍ଷା ପାଇଁ ଆଜିଠାରୁ ସମସ୍ତ ପରୀକ୍ଷା ହବ୍‌କୁ ପଠାଯାଉଛି ପ୍ରଶ୍ନପତ୍ର
- ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକଙ୍କ ଅଧ୍ୟକ୍ଷତାରେ ତ୍ରୁଟିଶୂନ୍ୟ ପଞ୍ଜିକା ପ୍ରସ୍ତୁତି ପାଇଁ ବୈଠକ ଅନୁଷ୍ଠିତ
- ରାଜ୍ୟର ୫ଟି ଜିଲ୍ଲାରେ ଆଜି ଆରମ୍ଭ ହେଲା ଫାଇଲେରିଆ ନିରାକରଣ ପାଇଁ ସାମୂହିକ ଔଷଧ ସେବନ କାର୍ଯ୍ୟକ୍ରମ

ଏବଂ

- ରାଉରକେଲା ବିର୍ସା ମୁଣ୍ଡା ଅନ୍ତର୍ଜାତୀୟ ହକି ଷ୍ଟାଡିୟମ୍‌ରେ ସନ୍ଧ୍ୟାରେ ଆରମ୍ଭ ହେବ ଏଫ୍‌ଆଇଏଚ୍ ପ୍ରୋଲିଗ୍ ହକି

## ମୁଖ୍ୟମନ୍ତ୍ରୀ-ଆମ୍ବୁଲାନ୍ସ

ରାଜ୍ୟରେ ଜରୁରୀକାଳିନ ଚିକିତ୍ସା ସେବାକୁ ଅଧିକ ସୁଦୃଢ଼ କରିବାପାଇଁ ଦ୍ୱିତୀୟ ପର୍ଯ୍ୟାୟରେ ଆଜି ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ଠାରେ ୨୫୦ଟି ନୂଆ ୧୦୮ ଆମ୍ବୁଲାନ୍ସକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉଦ୍‌ଘାଟନ କରିଛନ୍ତି। ଏଥିମଧ୍ୟରୁ ୭ଟି ଆମ୍ବୁଲାନ୍ସରେ ଅତ୍ୟାଧୁନିକ ଜୀବନ ରକ୍ଷାକାରୀ ବ୍ୟବସ୍ଥା ରହିଛି। ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ଓଡ଼ିଶାର କୋଣ-ଅନୁକୋଣରେ ଉନ୍ନତ ସ୍ୱାସ୍ଥ୍ୟସେବା ପହଞ୍ଚାଇବା ପାଇଁ ସରକାର ସଂକଳ୍ପବଦ୍ଧ। ଜରୁରୀକାଳିନ ସ୍ୱାସ୍ଥ୍ୟ ଭିତ୍ତିଭୂମିକୁ ସୁଦୃଢ଼ କରି ଜୀବନ ରକ୍ଷାକୁ ସରକାର ସର୍ବୋଚ୍ଚ ପ୍ରାଥମିକତା ଦେଇ ଆସୁଛନ୍ତି। ଏଥିପାଇଁ ୧୧୧ କୋଟି ଟଙ୍କା ବିନିଯୋଗରେ ୪୨୮ଟି ନୂତନ ଆମ୍ବୁଲାନ୍ସ ଚଳାଚଳ ପାଇଁ ବ୍ୟବସ୍ଥା କରାଯାଇଛି। ପୂର୍ବରୁ ୧୫୦ଟି ଆମ୍ବୁଲାନ୍ସ ଲୋକାର୍ପିତ ହୋଇସାରିଛି। ସୁସ୍ଥ ଓ ବିକଶିତ ଓଡ଼ିଶା ଗଠନ ଦିଗରେ ସରକାର ନିରନ୍ତର ପ୍ରୟାସ ଜାରି ରଖିଛନ୍ତି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

## - V/O -(CM)

ରାଜ୍ୟରେ ବର୍ତ୍ତମାନ ୮୬୬ଟି ଜରୁରୀକାଳିନ ଆମ୍ବୁଲାନ୍ସ ସେବା ଜାରି ରହିଛି।

ଗର୍ଭବତୀ ମହିଳା ଏବଂ ଅସୁସ୍ଥ ଶିଶୁମାନଙ୍କ ପାଇଁ ଜନନୀ ଏକ୍ସପ୍ରେସ୍ ନାମରେ ଆଉ ୫୦୦ଟି ଆମ୍ବୁଲାନ୍ସ ସେବା ଯୋଗାଇ ଦିଆଯାଉଛି। କମ୍ ସମୟରେ

ରୋଗୀଙ୍କୁ ହସ୍‌ପିଟାଲରେ ପହଞ୍ଚାଇ ମୃତ୍ୟୁହାର କମାଇବା ରାଜ୍ୟ ସରକାରଙ୍କ ମୂଳ ଲକ୍ଷ୍ୟ। ସବୁ ବ୍ଲକ୍‌ରୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ଏବଂ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରୁ କଟକ ବଡ଼ ମେଡିକାଲ ପର୍ଯ୍ୟନ୍ତ ନିରନ୍ତର ଆମ୍ବୁଲାନ୍ସ ସେବା ଜାରି ରଖିବାକୁ ପଦକ୍ଷେପ ନିଆଯାଉଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଏହା ବ୍ୟତୀତ ବିମାନ ଯୋଜନା ମାଧ୍ୟମରେ ରାଉରକେଲା ଓ ଜୟପୁର ଏୟାରଷ୍ଟ୍ରିପ୍‌ରେ ମଧ୍ୟ ଆମ୍ବୁଲାନ୍ସ ସେବା ଯୋଗାଇ ଦିଆଯିବ। ରାଜ୍ୟର ବିଭିନ୍ନ ବିମାନ ବନ୍ଦର ନିମନ୍ତେ ବର୍ତ୍ତମାନ ୫ଟି ଅତ୍ୟାଧୁନିକ ଲାଇଫ୍ ସପୋର୍ଟ ଆମ୍ବୁଲାନ୍ସ ଝାରସୁଗୁଡ଼ାସ୍ଥିତ କ୍ୟାନସର ହସ୍‌ପିଟାଲ ପାଇଁ ୨ଟି ଏଏଲ୍‌ଏସ୍ ଆମ୍ବୁଲାନ୍ସ ନିୟୋଜିତ ରହିଛି।

## ପ୍ରସ୍ତୁତି ବୈଠକ

ମହାପ୍ରଭୁ ଲିଙ୍ଗରାଜଙ୍କ ଜାଗର ଯାତ୍ରାକୁ ନେଇ ଆଜି ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ  ଲିଙ୍ଗରାଜଙ୍କ ନୀତିକାନ୍ତି, ଦର୍ଶନ ଓ ବିଭିନ୍ନ ବ୍ୟବସ୍ଥା ସମ୍ପର୍କରେ ଆଲୋଚନା କରାଯାଇଛି। ମୁଖ୍ୟ ଶାସନ ସଚିବଙ୍କ ସହ ବରିଷ୍ଠ ଅଧିକାରୀମାନେ ଏଥିରେ ଉପସ୍ଥିତ ଥିଲେ। ଗତକାଲି ଆଇନ୍‌ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ଅଧ୍ୟକ୍ଷତାରେ ଏକ ସମନ୍ୱୟ ବୈଠକ ଅନୁଷ୍ଠିତ ହୋଇଥିଲା। ମହାପ୍ରଭୁଙ୍କ ଦର୍ଶନଠାରୁ ମହାଦ୍ୱୀପ ଉଠିବା ପର୍ଯ୍ୟନ୍ତ ସମସ୍ତ ବିଷୟ ଉପରେ ଆଲୋଚନା କରାଯାଇଥିଲା। ଆସନ୍ତା ୧୫ ତାରିଖ ରବିବାର ଦିନ ମହାଶିବରାତ୍ରୀ ପାଳନ କରାଯିବ ଓ ରାତି ୧୦ଟାରେ ଲିଙ୍ଗରାଜଙ୍କ ମହାଦୀପ ଉଠିବ ବୋଲି ମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ମିଳିଛି।

## ମାଟ୍ରିକ ପ୍ରଶ୍ନପତ୍ର

ରାଜ୍ୟ ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ମାଟ୍ରିକ ପରୀକ୍ଷା ଆସନ୍ତା ୧୯ ତାରିଖରୁ ଆରମ୍ଭ ହେବ । ଏ ନେଇ ବୋର୍ଡ ପକ୍ଷରୁ ଆଜିଠାରୁ ସମସ୍ତ ପରୀକ୍ଷା ହବ୍‌କୁ  ପ୍ରଶ୍ନପତ୍ର ପଠାଯାଉଛି । ଚଳିତ ବର୍ଷ  ୫ ଲକ୍ଷ ୬୧ ହଜାର ୯୭୯ ଜଣ ଛାତ୍ରଛାତ୍ରୀ ଫର୍ମପୂରଣ କରିଛନ୍ତି । ଏହାସହ ୩ ହଜାର ୮୨ଟି କେନ୍ଦ୍ରରେ ପରୀକ୍ଷା ଅନୁଷ୍ଠିତ ହେବ। ପ୍ରଶ୍ନପତ୍ର ମହଜୁଦ ରଖିବା ପାଇଁ ୩୨୨ଟି ନୋଡାଲ କେନ୍ଦ୍ର ସହ  ଷ୍ଟ୍ରଙ୍ଗରୁମ୍‌ର ବ୍ୟବସ୍ଥା କରାଯାଇଛି ବୋଲି ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ କହିଛନ୍ତି। ନକ୍ସଲ ପ୍ରଭାବିତ କନ୍ଧମାଳ ଓ ମାଲକାନଗିରି ଜିଲ୍ଲାରେ ସୁରକ୍ଷା ଦୃଷ୍ଟିରୁ ପ୍ରଶ୍ନପତ୍ରକୁ ୧୭ଟି ଥାନାରେ ରଖାଯିବ ବୋଲି ଶ୍ରୀ ତରାଇ କହିଛନ୍ତି। ପ୍ରଶ୍ନପତ୍ର ଯାଉଥିବା ଗାଡ଼ିରେ ଜି.ପି.ଏସ୍. ଲଗାଯାଇଛି। ଚଳିତଥର ପରୀକ୍ଷାରେ କୃତ୍ରିମ ବୁଦ୍ଧିମତାର ବ୍ୟବହାର କରାଯିବ ବୋଲି ବୋର୍ଡ ସଭାପତି କହିଛନ୍ତି ।

## ପ୍ରଭାତୀ ପରିଡା

ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା ୨ ଦିନିଆ କଳାହାଣ୍ଡି ଓ କନ୍ଧମାଳ ଜିଲ୍ଲା ଗସ୍ତରେ ଯାଇ ବିଭିନ୍ନ କାର୍ଯ୍ୟକ୍ରମରେ ଯୋଗ ଦେଇଛନ୍ତି। ଗସ୍ତର ଦ୍ୱିତୀୟ ଦିନରେ ଆଜି ଶ୍ରୀମତୀ ପରିଡା କନ୍ଧମାଳ ଜିଲ୍ଲାର ଦାରିଙ୍ଗବାଡିଠାରେ ଥିବା ହିଲ୍ ଭିୟୁ ପାର୍କ ବୁଲି ଦେଖିଥିଲେ। ପାର୍କକୁ ଆହୁରି ଆକର୍ଷଣୀୟ କରିବା ଓ ପର୍ଯ୍ୟଟକଙ୍କ ସୁବିଧା ପାଇଁ ଆବଶ୍ୟକ ଭିତ୍ତିଭୂମି ନିର୍ମାଣ ସମ୍ପର୍କରେ ବରିଷ୍ଠ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି। କଫି ଚାଷ ପାଇଁ ଦାରିଙ୍ଗବାଡିର କଫି ବଗିଚା ଅନ୍ୟତମ ପରିଚୟ ସାଉଁଟିଛି। ଦାରିଙ୍ଗବାଡି କଫିର ସ୍ୱତନ୍ତ୍ର

ବ୍ରାଣ୍ଡିଂ ଜରିଆରେ ଏହାର ପ୍ରଚାର ପ୍ରଚାର ସମ୍ପର୍କରେ ଉପମୁଖ୍ୟମନ୍ତ୍ରୀ ଅଧିକାରୀଙ୍କ ସହ ବିଚାର-ବିମର୍ଶ କରିଥିଲେ। ଏହି ଅବସରରେ ସୁଭଦ୍ରା ଶକ୍ତି କାଫେ ପରିଚାଳନା ସହ ଜଡିତ ମହିଳାମାନଙ୍କ ସହ ଉପମୁଖ୍ୟମନ୍ତ୍ରୀ ଆଲୋଚନା କରିଥିଲେ। ପରେ କନ୍ଧମାଳ ଜିଲ୍ଲାପାଳ ଓ ଅନ୍ୟ ବିଭାଗୀୟ ଅଧିକାରୀଙ୍କ ସହ ଜିଲ୍ଲାର ପ୍ରମୁଖ ପ୍ରସଙ୍ଗଗୁଡ଼ିକ ଉପରେ ଶ୍ରୀମତୀ ପରିଡା ଆଲୋଚନା କରିଛନ୍ତି।

## ଅରବିନ୍ଦ ପାଢ଼ୀ

ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ଦ୍ୱିତୀୟ ପଞ୍ଜିକା ବୈଠକ ପୁରୀ ଶ୍ରୀମନ୍ଦିର ମୁଖ୍ୟ କାର୍ଯ୍ୟାଳୟଠାରେ ଅନୁଷ୍ଠିତ ହୋଇଯାଇଛି।  ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ  ଶ୍ରୀମନ୍ଦିର ନୀତିକାନ୍ତି, ଗଣେଶ ଚତୁର୍ଥୀ ଏବଂ ପାଣ୍ଡୁଲିପି ଦାଖଲ କରିଥିବା ୫ ଜଣ ପାଞ୍ଜିକାରକ ନିର୍ଭୁଲ ଓ ତ୍ରୁଟିଶୂନ୍ୟ ପଞ୍ଜିକା ପ୍ରସ୍ତୁତି ସମ୍ପର୍କରେ ଆଲୋଚନା କରାଯାଇଛି। ଚଳିତବର୍ଷ ଡିସେମ୍ବର ମାସ ୮ ତାରିଖରେ ଶ୍ରୀମନ୍ଦିରରେ ଦେବ ଦୀପାବଳି ଉତ୍ସବ ସହ ପରବର୍ତ୍ତୀ ଦିନ ମଧ୍ୟ ଦେବ ଦୀପାବଳି ଓ  ଅମାବାସ୍ୟା ତିଥିରେ ସାଗର ବିଜେ ନୀତି ଅନୁଷ୍ଠିତ ହେବ ବୋଲି ଶ୍ରୀ ପାଢ଼ୀ କହିଛନ୍ତି।

**- V/O -(ଅରବିନ୍ଦ ପାଢ଼ୀ)**

ଗତମାସ ୨୯ ତାରିଖରେ ପ୍ରଥମ ପଞ୍ଜିକା ସମୀକରଣ ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ୮ ଜଣ ପାଞ୍ଜିକାରଙ୍କ ଡକାଯାଇଥିଲା।

## ଫାଇଲେରିଆ

ଫାଇଲେରିଆ ନିରାକରଣ ପାଇଁ ଆଜିଠାରୁ ସାମୁହିକ ଔଷଧ ସେବନ କାର୍ଯ୍ୟକ୍ରମ ଆରମ୍ଭ ହୋଇଛି। କାର୍ଯ୍ୟକ୍ରମରେ ୭ ଲକ୍ଷ ୪୦ ହଜାର ଲୋକଙ୍କୁ ଫାଇଲେରିଆ ନିରୋଧି ଔଷଧ ପ୍ରଦାନ କରାଯିବ। ବଲାଙ୍ଗିର, ବରଗଡ଼, ଢେଙ୍କାନାଳ, ଯାଜପୁର, ଗଞ୍ଜାମ ଜିଲ୍ଲାରେ ଆଜିଠାରୁ ଫାଇଲେରିଆ ନିରାକରଣ ପାଇଁ ସାମୂହିକ ଔଷଧ ସେବନ କାର୍ଯ୍ୟକ୍ରମ ସହ ଜାତୀୟ କୃମି ନାଶକ ଦିବସ-ଏନ୍‌ଡିଡି ଆରମ୍ଭ ହୋଇଛି। ଏହି ୫ଟି ଜିଲ୍ଲାରେ ୭ଟି କାର୍ଯ୍ୟାନ୍ୱୟନ କେନ୍ଦ୍ରରେ ସାମୂହିକ ଔଷଧ ସେବନ କାର୍ଯ୍ୟକ୍ରମରେ ୩ଟି ଔଷଧ-ଡିଇସି, ଆଲବେଣ୍ଡାଜୋଲ୍ ଓ ଆଇଭର ମେକ୍‌ଟିନ୍ ବଟିକା ଖାଇବାକୁ ଦିଆଯାଉଛି। ୨ ହଜାର ୨୦୦ ରୁ ଊର୍ଦ୍ଧ୍ୱ ଡ୍ରଗ୍ ଆଡ୍‌ମିନିଷ୍ଟ୍ରେଟର, ୨୧୦ ଜଣ ପର୍ଯ୍ୟବେକ୍ଷକ ଏହି କାର୍ଯ୍ୟରେ ନିୟୋଜିତ ରହି ଘରକୁ ଘର ଯାଇ ଏମ୍‌ଡିଏ ଔଷଧ ସେବନ କରାଉଛନ୍ତି। ସମସ୍ତଙ୍କୁ ଔଷଧ ଖୁଆଇବା ପାଇଁ ବିଭିନ୍ନ ବିଭାଗ ମଧ୍ୟରେ ସମନ୍ୱୟ, ସହଯୋଗ ଓ ସମର୍ଥନ ଆବଶ୍ୟକ ବୋଲି ସ୍ୱାସ୍ଥ୍ୟ ବିଭାଗର ସ୍ୱତନ୍ତ୍ର ସଚିବ ଜିତେନ୍ଦ୍ର ମୋହନ ବେବର୍ତ୍ତା କହିଛନ୍ତି।

## ପେନ୍‌ସନ ଶିବିର

**ଗଞ୍ଜାମ** ଜିଲ୍ଲାର ବ୍ରହ୍ମପୁର ସ୍ୱତନ୍ତ୍ର କୋଷାଗାର କାର୍ଯ୍ୟାଳୟ ଆନୁକୂଲ୍ୟରେ ଏମ୍‌କେସିଜି ମେଡିକାଲ କଲେଜ ଆଣ୍ଡ୍ ହସ୍‌ପିଟାଲ ସମ୍ମିଳନୀ କକ୍ଷରେ ରାଷ୍ଟ୍ରୀୟ ପେନସନ୍ ଯୋଜନା-ଏନ୍‌ପିଏସ୍ ସମ୍ପର୍କିତ ଏକ ସଚେତନତା ଶିବିର ଆୟୋଜିତ ହୋଇଛି। ରାଜ୍ୟ ସରକାରୀ କର୍ମଚାରୀମାନଙ୍କ ମଧ୍ୟରେ ଏନ୍‌ପିଏସ୍ ସମ୍ବନ୍ଧୀୟ ସଚେତନତା ଏବଂ ସମସ୍ୟା ସମାଧାନ ଉଦ୍ଦେଶ୍ୟରେ

ବିସ୍ତୃତ ଆଲୋଚନା କରାଯାଇଛି। କୋଷାଗାର ଓ ନିରୀକ୍ଷଣ ନିର୍ଦ୍ଦେଶାଳୟରୁ ମନୋରଞ୍ଜନ ସାହୁଙ୍କ ସମେତ ସରକାରୀ ଅଧିକାରୀ ଉପସ୍ଥିତ ରହି ଏନ୍‌ପିଏସ୍ ସମ୍ପର୍କିତ ବିଭିନ୍ନ ପ୍ରାୟୋଗିକ ପ୍ରସଙ୍ଗ ଉପରେ ଆଲୋକପାତ କରିଥିଲେ।

ଏନ୍‌ପିଏସ୍ ଖାତା ଖୋଲିବା, ଅଂଶଧନ ଜମା, ସଂଶୋଧନ ପ୍ରକ୍ରିୟା, ଅଭିଯୋଗ ନିରାକରଣ ଏବଂ ଅନ୍ୟାନ୍ୟା ଗୁରୁତ୍ୱପୂର୍ଣ୍ଣ ବିଷୟରେ ଅଧିକାରୀମାନେ ସ୍ୱଷ୍ଟ ଭାବେ ବୁଝାଇଥିଲେ। କାର୍ଯ୍ୟକ୍ରମରେ ବିଭିନ୍ନ ବିଭାଗର ଉଠାଣ ଓ ବିତରଣ ଅଧିକାରୀ ଏନ୍‌ପିଏସ୍ ଅନ୍ତର୍ଗତ କର୍ମଚାରୀମାନଙ୍କ ସହିତ ବ୍ରହ୍ମପୁର କୋଷାଗାର କାର୍ଯ୍ୟାଳୟର କର୍ମଚାରୀମାନେ ଉପସ୍ଥିତ ଥିଲେ।

## ସଚେତନତା କାର୍ଯ୍ୟକ୍ରମ

**ଗଞ୍ଜାମ** ଜିଲ୍ଲା ବ୍ରହ୍ମପୁର ହିଲପାଟଣାସ୍ଥିତ ସହିଦ ଲକ୍ଷ୍ମଣ ନାୟକ କମ୍ୟୁନିଟି ହଲ୍‌ରେ ପ୍ରବାସୀ ଶ୍ରମିକଙ୍କ ବିଭିନ୍ନ ସମସ୍ୟା ଉପରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଦୌରାଜଜ୍ ତଥା ଜିଲ୍ଲା ଆଇନ୍‌ସେବା ପ୍ରାଧିକରଣ ଅଧ୍ୟକ୍ଷ ଅଶାନ୍ତ କୁମାର ଦାଶଙ୍କ ନିର୍ଦ୍ଦେଶକ୍ରମେ ଜିଲ୍ଲା ଆଇନସେବା ପ୍ରାଧିକରଣ ସଚିବ ବ୍ୟୋମକେଶ ନାୟକଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶ୍ରମିକଙ୍କ ସମସ୍ୟାର ସମାଧାନ ନେଇ ବହୁବିଧ ପଦକ୍ଷେପ ନିଆଯାଇଛି।

## କୁଷ୍ଠ ସଚେତନତା ଅଭିଯାନ

ଭେଦଭାବ ସମାପ୍ତ କରି ସମ୍ମାନର ସହ ବଞ୍ଚିବା ଉଦ୍ଦେଶ୍ୟ ରଖାଯାଇ ‘ସ୍ପର୍ଶ କୁଷ୍ଠ ସଚେତନତା ଅଭିଯାନ’ ଗତମାସ ୩୦ ତାରିଖରୁ ଆରମ୍ଭ ହୋଇଛି। ଏହା ଆସନ୍ତା ୧୩ ତାରିଖ ପର୍ଯ୍ୟନ୍ତ ଚାଲିବ। ଏହି ଅଭିଯାନରେ ଆଶା ଓ

ସ୍ୱାସ୍ଥ୍ୟକର୍ମୀମାନେ ନିଜ ନିଜ ଅଂଚଳରେ କୁଷ୍ଠରୋଗ ବିଷୟରେ ସଚେତନତା ସୃଷ୍ଟି କରୁଛନ୍ତି। ବଧିରା, ତମ୍ବାଳିଆ ଛଉ, ତେଲିଆ, ଚିକ୍କଣ, ପାଉଁଶିଆ ଚର୍ମ, ଦୁର୍ବଳ ହେବା, ମୁହଁ ଏବଂ କାନରେ ଗୁଲି ଭଳି କୁଷ୍ଠର ଲକ୍ଷଣ ଦେଖାଦେଲେ ତୁରନ୍ତ ଡାକ୍ତରଖାନା ଯାଇ ଚିକିତ୍ସିତ ହେବାକୁ ପରାମର୍ଶ ଦିଆଯାଉଛି। କୁଷ୍ଠରୋଗର ଚିହ୍ନଟ, ଚିକିତ୍ସା ଓ ପୁନଃକ୍ଷମ ଅସ୍ତ୍ରୋପଚାର ସରକାରୀ ଡାକ୍ତରଖାନାରେ ବିନା ମୂଲ୍ୟରେ ଉପଲବ୍ଧ ହେଉଛି। ପୁନଃକ୍ଷମ ଅସ୍ତ୍ରୋପଚାର କରାଯାଇଥିବା ରୋଗୀଙ୍କୁ ସରକାରଙ୍କ ତରଫରୁ ୧୨ ହଜାର ଟଙ୍କା ପାରିଶ୍ରମିକ ଭରଣା ତଥା ଗସ୍ତ ଖର୍ଚ୍ଚ ବାବଦକୁ ୧ ହଜାର ୫୦୦ ଟଙ୍କା ଦିଆଯାଉଛି ବୋଲି ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ କୁହାଯାଇଛି।

## ପ୍ରସ୍ତୁତି ବୈଠକ

ଖଲ୍ଲିକୋଟ ବିଶ୍ୱବିଦ୍ୟାଳୟ ଖେଳପଡିଆଠାରେ ଆସନ୍ତାକାଲିଠାରୁ ୧୫ ତାରିଖ ପର୍ଯ୍ୟନ୍ତ ଅନୁଷ୍ଠିତ ହେବାକୁ ଥିବା 'ତୃତୀୟ ଗଞ୍ଜାମ ଜିଲ୍ଲା ସ୍ୱାସ୍ଥ୍ୟ ମହୋତ୍ସବ' ଉପଲକ୍ଷେ ଏକ ପ୍ରସ୍ତୁତି ବୈଠକ ବ୍ରହ୍ମପୁର ଉନ୍ନୟନ କର୍ତ୍ତୃପକ୍ଷ-ବିଡିଏ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଛି। ବ୍ରହ୍ମପୁର ମହାନଗର ନିଗମ କମିଶନର ତଥା ବିଡିଏ ଉପାଧ୍ୟକ୍ଷ ପ୍ରଥମେଶ ଅରବିନ୍ଦ ରାଜ ସିର୍କେଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ସ୍ୱାସ୍ଥ୍ୟ ପରୀକ୍ଷା, ବିନା ମୂଲ୍ୟରେ ଔଷଧ ବଣ୍ଟନ, ଟ୍ରାଫିକ୍ ବ୍ୟବସ୍ଥା, ମନୋରଞ୍ଜନ କାର୍ଯ୍ୟକ୍ରମ ସହ ବିଭିନ୍ନ ବିଷୟ ଉପରେ ଆଲୋଚନା କରାଯାଇଛି। ଆଭାସୀ ମାଧ୍ୟମରେ ଗଞ୍ଜାମ ଜିଲ୍ଲାପାଳ ଭି. କିର୍ତ୍ତି ଭାସନ ଯୋଗଦେଇ ସମସ୍ତ ପ୍ରକାର ପ୍ରଶାସନିକ ସହାୟତା ଯୋଗାଇ ଦିଆଯିବ ବୋଲି କହିଛନ୍ତି।

# ଏଫ୍‌ଆଇଏଚ୍ ପ୍ରୋ-ଲିଗ୍

ରାଉରକେଲା ଛେଣ୍ଡସ୍ଥିତ ବିର୍ସାମୁଣ୍ଡା ଅନ୍ତର୍ଜାତୀୟ ହକି ଷ୍ଟାଡ଼ିୟମଠାରେ ଆଜିଠାରୁ ଏଫ୍‌ଆଇଏଚ୍ ପ୍ରୋ-ଲିଗ୍ ହକି ପ୍ରତିଯୋଗିତା ଆରମ୍ଭ ହେଉଛି । ଭାରତ ସହିତ ବେଲ୍‌ଜିୟମ ଏବଂ ଆର୍ଜେଣ୍ଟିନା ଏଥିରେ ଅଂଶଗ୍ରହଣ କରୁଛନ୍ତି । ଆଜିର ପ୍ରଥମ ମ୍ୟାଚ୍ ସଂଧ୍ୟା ୭ଟାରେ ଆର୍ଜେଣ୍ଟିନା ଓ ବେଲଜିୟମ ମଧ୍ୟରେ ଅନୁଷ୍ଠିତ ହେବ ।